ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୩ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୪୩୮୪୯ରେ ପହଞ୍ଚିଲା - ସୁସ୍ଥ ହେଲେ ୪୩ ଜଣ ।

ଅନୁଗୋଳ, ତା.୨୧.୦୮ :- ଆଜି ଅନୁଗୋଳ ଜିଲ୍ଲାରେ ୨୩ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୩ଜଣ ପୁରୁଷ ), ବଣ୍ଟାଁରପାଳ ବ୍ଲକ୍ ଅଂଚଳରୁ ୩ଜଣ( ୨ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୩ଜଣ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୩ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୨୪ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୪ ଲକ୍ଷ ୮୪ହଜାର ୫୯୯ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୫୩୦ ତା.୨୧.୮.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ